**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**20 October - 2024**

**News Editor : *Tapan Kumar Maharana***

**********************************

# ବତୀଘର ମହୋତ୍ସବ

ଦେଶର ପର୍ଯ୍ୟଟନ କ୍ଷେତ୍ରକୁ ସୁଦୃଢ କରିବା ପାଇଁ କେନ୍ଦ୍ର ସରକାର ବିଶେଷ ଗୁରୁତ୍ୱ ଦେଉଛନ୍ତି ବୋଲି କେନ୍ଦ୍ର ବନ୍ଦର, ପରିବହନ ଓ ଜଳପଥ ମନ୍ତ୍ରୀ ସର୍ବାନନ୍ଦ ସୋନଓ୍ୱାଲ କହିଛନ୍ତି । ପୁରୀଠାରେ ପ୍ରଥମ ଥର ପାଇଁ ଆୟୋଜିତ ଦ୍ୱିତୀୟ ଜାତୀୟ ଲାଇଟ୍ ହାଉସ ମହୋତ୍ସବରେ ଯୋଗଦେଇ କେନ୍ଦ୍ରମନ୍ତ୍ରୀ କହିଛନ୍ତି, ସମଗ୍ର ଦେଶର ଉପକୂଳରେ ୧୯୦ରୁ ଉର୍ଦ୍ଧ୍ୱ ବତୀଘରକୁ ବିକଶିତ କରାଯାଉଛି। ଐତିହ୍ୟ ସମ୍ପନ୍ନ ବତୀଘରଗୁଡିକୁ ବିକଶିତ, ପୁନରୁଦ୍ଧାର ଓ ପର୍ଯ୍ୟଟକମାନଙ୍କୁ ଆକୃଷ୍ଟ କରିବା ପାଇଁ କାର୍ଯ୍ୟ ଜାରିରହିଛି । ପାରାଦୀପ ବନ୍ଦର ଶ୍ରେଷ୍ଠ ବନ୍ଦର ହୋଇଥିବାବେଳେ ପରିବହନ କ୍ଷେତ୍ରରେ ଏକ ମାଇଲ ଖୁଣ୍ଟ ହେବାକୁ ଯାଉଛି ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି । ଦେଶରେ ଅଧିକ ବନ୍ଦର ପ୍ରତିଷ୍ଠା କରିବା ଦିଗରେ ବିଶେଷ ଗୁରୁତ୍ୱ ଦିଆଯାଉଛି ବୋଲି କେନ୍ଦ୍ରମନ୍ତ୍ରୀ ଶ୍ରୀ ସୋନଓ୍ୱାଲ ମତବ୍ୟକ୍ତ କରିଛନ୍ତି।

## ଧର୍ମେନ୍ଦ୍ର ପ୍ରଧାନ-ସିଙ୍ଗାପୁର

ଶିକ୍ଷା ସମ୍ପର୍କକୁ ସୁଦୃଢ଼ କରିବା ପାଇଁ ଆଜିଠାରୁ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଏକ ପ୍ରତିନିଧି ମଣ୍ଡଳୀ ସହ ସାତଦିନିଆ ସିଙ୍ଗାପୁର ଓ ଅଷ୍ଟ୍ରେଲିଆ ଗସ୍ତରେ ଯାଉଛନ୍ତି । ସିଙ୍ଗାପୁର ଗସ୍ତ ସମୟରେ ନ୍ୟାସନାଲ ୟୁନିଭରସିଟି ପରିଦର୍ଶନ କରିବା ସହ କୃତିମ ବୁଦ୍ଧିମତା ସମ୍ପର୍କରେ ଆଲୋଚନା କରିବେ । କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ସିଙ୍ଗାପୁରର ପ୍ରଧାନମନ୍ତ୍ରୀ, ଶିକ୍ଷାମନ୍ତ୍ରୀ ଓ ବୈଦେଶିକ ମନ୍ତ୍ରୀଙ୍କ ସହ ସାକ୍ଷାତ କରିବାର କାର୍ଯ୍ୟକ୍ରମ ରହିଛି । ଶିକ୍ଷା କ୍ଷେତ୍ରରେ ଭାରତ ଓ ଅଷ୍ଟ୍ରେଲିଆ ଉଭୟ ଦେଶର ଗୁରୁତ୍ୱପୂର୍ଣ୍ଣ କ୍ଷେତ୍ରରେ ସହଯୋଗ ଓ ସମନ୍ୱୟକୁ ପ୍ରୋତ୍ସାହିତ କରିବା ପାଇଁ ଅଷ୍ଟ୍ରେଲିଆ ଶିକ୍ଷାମନ୍ତ୍ରୀଙ୍କୁ ଭେଟିବା ସହିତ ଅଷ୍ଟ୍ରେଲିଆ ଆନ୍ତର୍ଜାତିକ ଶିକ୍ଷା ସମ୍ମିଳନୀକୁ ସମ୍ବୋଧିତ କରିବାର କାର୍ଯ୍ୟକ୍ରମ ରହିଛି । ତାଙ୍କ ଗସ୍ତ ସମୟରେ ବିଭିନ୍ନ ବିଶ୍ୱବିଦ୍ୟାଳୟ ଓ ଶିକ୍ଷାନୁଷ୍ଠାନ ପରିଦର୍ଶନ କରିବେ ।

## ଉପମୁଖ୍ୟମନ୍ତ୍ରୀ-କୃଷି

ନୂଆଦିଲ୍ଲୀରେ ଅନୁଷ୍ଠିତ ଜାତୀୟ ରବି ଫସଲ କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ତଥା କୃଷି ଓ କୃଷକ ସଶକ୍ତିକରଣ ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଯୋଗଦେଇ ରାଜ୍ୟ କୃଷି ସମ୍ପର୍କରେ ବିଭିନ୍ନ ଆଲୋଚନା କରିଛନ୍ତି । ଜାତୀୟ ଖାଦ୍ୟ ନିରାପତ୍ତା ଯୋଜନାରେ ଧାନ ଅମଳ ପରେ

ଜମିରେ ଡାଲି ଓ ତୈଳବୀଜ ଫସଲ ଚାଷକୁ ୨ଲକ୍ଷ ୫୦ହେକ୍ଟର ଜମିରେ କରିବା ପାଇଁ ଆର୍ଥିକ ସହାୟତା ଯୋଗାଇବାକୁ ଉପମୁଖ୍ୟମନ୍ତ୍ରୀ ପ୍ରସ୍ତାବ ଦେଇଛନ୍ତି । ଏଥି ସହ ସୂର୍ଯ୍ୟମୁଖୀ, ଚିନାବାଦାମ, ମହୁମାଛି ଚାଷ ପାଇଁ କ୍ଷେତ୍ର ପରିଦର୍ଶନ ଖର୍ଚ୍ଚକୁ ବୃଦ୍ଧି କରିବା ସକାଶେ ମନ୍ତ୍ରଣାଳୟ ନିକଟରେ ଦାବି ଉପସ୍ଥାପନ କରିଛନ୍ତି ।

## ଅନୁସୂଚିତ ଜାତି

ଅନୁସୂଚିତ ଜାତି, ଜନଜାତି, ଉନ୍ନୟନ, ସଂଖ୍ୟାଲଘୁ ଓ ପଛୁଆବର୍ଗ କଲ୍ୟାଣ ବିଭାଗର କାର୍ଯ୍ୟଧାରା ସମ୍ପର୍କରେ ସମୀକ୍ଷା କରିବା ପାଇଁ ସଂସଦୀୟ କମିଟି ପ୍ରତିନିଧି ଦଳ ଭୁବନେଶ୍ୱରରେ ପହଞ୍ଚିଛନ୍ତି । ଏହି ପ୍ରତିନିଧିଦଳ ବିଭାଗର ପ୍ରମୁଖ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରିବେ । କେନ୍ଦ୍ର ସରକାରଙ୍କ ସମସ୍ତ କାର୍ଯ୍ୟକ୍ରମ ଓ ଯୋଜନାର ସଠିକ ପରିଚାଳନା ସମ୍ପର୍କରେ  ଆଲୋଚନା କରିବେ ।

## ପ୍ରବାସୀ ଭାରତୀୟ ଦିବସ

ଓଡ଼ିଶାରେ ଆସନ୍ତା ଜାନୁୟାରୀ ୮ରୁ ୧୦ତାରିଖ ପର୍ଯ୍ୟନ୍ତ ୧୮ତମ ପ୍ରବାସୀ ଭାରତୀୟ ଦିବସ ଆୟୋଜିତ ହେବ । ଏହାର ପ୍ରସ୍ତୁତି ସମ୍ପର୍କରେ ମୁଖ୍ୟ ଶାସନ ସଚିବ ମନୋଜ ଆହୂଜାଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଭାରତର ବିକାଶରେ ପ୍ରବାସୀ ଭାରତୀୟଙ୍କ ଅବଦାନକୁ ସ୍ୱୀକୃତି ଦେବା ଏହାର ମୁଖ୍ୟ ଉଦ୍ଦେଶ୍ୟ । ଏହି ଦିବସ ଉଭୟ

କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ସହଯୋଗରେ ଅନୁଷ୍ଠିତ ହେବ । ଏହି ସମାରୋହକୁ ସୁଚାରୁରୂପେ କରିବା ପାଇଁ ଏକ ପରିଚାଳନା କମିଟି ଓ କାର୍ଯ୍ୟନିର୍ବାହୀ କମିଟି ଗଠନ କରାଯାଇଛି । ଏଥିରେ ପ୍ରାୟ ୫ହଜାର ଅଂଶଗ୍ରହଣକାରୀ ଭାଗ ନେବାର କାର୍ଯ୍ୟକ୍ରମ ରହିଛି ବୋଲି ମୁଖ୍ୟ ଶାସନ ସଚିବ ସୂଚନା ଦେଇଛନ୍ତି ।

## ପ୍ରମାଣପତ୍ର

ରାଜସ୍ୱ ବିଭାଗ ଅଧିକାରୀଙ୍କୁ ସାଧାରଣ ଜନତା ପ୍ରମାଣପତ୍ର ଦେବେ ବୋଲି ରାଜସ୍ୱ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ଝାରସୁଗୁଡା ଠାରେ ଅନୁଷ୍ଠିତ ବୈଠକରେ ଯୋଗଦେଇ ମନ୍ତ୍ରୀ କହିଛନ୍ତି, କାର୍ଯ୍ୟାଳୟକୁ ଆସୁଥିବା ହିତାଧିକାରୀମାନେ ଅଧିକାରୀଙ୍କୁ ୧୦ରୁ ନମ୍ବର ଦେବେ । ଏହି ସମୀକ୍ଷା ବୈଠକରେ ମନ୍ତ୍ରୀ ହୀରାକୁଦ ବିସ୍ଥାପିତ ଓ ଭୂମିହୀନ ପରିବାରକୁ ସ୍ଥାୟୀ ଜମିପଟ୍ଟା ବଣ୍ଟନ ସହ ଏକ ଜନଅଭିଯୋଗର ଶୁଣାଣି କରିଥିଲେ ।

## ମତ୍ସ୍ୟ ଚାଷ

ରାଜ୍ୟରେ ମତ୍ସ୍ୟଚାଷୀମାନଙ୍କୁ ସଠିକ ସମୟରେ ସହାୟତା ପ୍ରଦାନ କରିବା ପାଇଁ ବିଭାଗୀୟ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ କହିଛନ୍ତି । ପ୍ରାଣୀପାଳନ ଓ ପ୍ରାଣୀ ଚିକିତ୍ସାଳୟରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ଯୋଗଦେଇ ରାଜ୍ୟରେ ପ୍ରଧାନମନ୍ତ୍ରୀ ମତ୍ସ୍ୟ ସମ୍ପଦ ଯୋଜନା, ମୁଖ୍ୟମନ୍ତ୍ରୀ ମତ୍ସ୍ୟଜୀବୀ

କଲ୍ୟାଣ ଯୋଜନାକୁ ସୁରୁଖୁରରେ କାର୍ଯ୍ୟକାରୀ କରିବା ପାଇଁ ମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି ।

# ଧନୁଯାତ୍ରା

ବରଗଡଠାରେ ୭୭ତମ ଧନୁଯାତ୍ରା ମହୋତ୍ସବ ଆସନ୍ତା ଜାନୁୟାରୀ ୩ତାରିଖରେ ଆରମ୍ଭ ହୋଇ ୧୩ତାରିଖ ପର୍ଯ୍ୟନ୍ତଚାଲିବ । ଏଥିପାଇଁ ଜିଲ୍ଲାପାଳ ଆଦିତ୍ୟ ଗୋଏଲଙ୍କ ଅଧ୍ୟକ୍ଷତାରେ ପ୍ରଥମ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ପାରମ୍ପାରିକ ରୀତିନୀତିରେ ଧନୁଯାତ୍ରା ଆୟୋଜିତ ହେବା ନେଇ ବୈଠକରେ ଆଲୋଚନା ହୋଇଥିଲା ।

# ପାଣିପାଗ

କେନ୍ଦ୍ରୀୟ ଆଣ୍ଡାମାନ ସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟ ଘନୀଭୂତ ହୋଇ ଲଘୁଚାପରେ ପରିଣତ ହୋଇଛି । ଏହା ଉତ୍ତର ପଶ୍ଚିମ ଦିଗକୁ କ୍ରମଶଃ ଗତି କରି ବୁଧବାର ସୁଦ୍ଧା ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି ବୋଲି ଭାରତୀୟ ପାଣିପାଗ ବିଭାଗ ପୂର୍ବାନୁମାନ କରିଛି । ଏହାର ପ୍ରଭାବରେ ରାଜ୍ୟର ଉପକୂଳ ଅଞ୍ଚଳରେ ବର୍ଷାର ସମ୍ଭାବନା ରହିଛି । ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ ମଙ୍ଗଳବାରଠାରୁ ଶୁକ୍ରବାର ପର୍ଯ୍ୟନ୍ତ ସମୁଦ୍ର ମଧ୍ୟକୁ ନ ଯିବା ପାଇଁ ପରାମର୍ଶ ଦିଆଯାଇଛି ।